# ଗ୍ରାମୀଣ କୃଷି ମୌସମ ସେବା


ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ସଂପ୍ରସାରଣ କେନ୍ଦ୍ର

ରାଣୀତାଲ, ଭଦ୍ରକ, ଓଡ଼ିଶା-୭୫୬୧୧୧

(ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ)



ପତ୍ରିକା ସଂଖ୍ୟା-୬୪/୨୫


## ଜିଲ୍ଲା-ଯାଜପୁର

ତା.୧୨.୦୮.୨୦୨୫

**ପାଣିପାଗ ପୂର୍ବାନୁମାନ (ତା. ୧୭.୦୮.୨୦୨୫ ପର୍ଯ୍ୟନ୍ତ)-:** ଆଞ୍ଚଳିକ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁଯାୟୀ,**ଜିଲ୍ଲାରେ ଆସନ୍ତା ୫ ଦିନ ହାଲୁକା ବର୍ଷା ହେବାର ସମ୍ଭାବନା ଅଛି ।** ପବନର ବେଗ ୦୨-୦୯ କିମି / ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି | ସର୍ବାଧିକ ତାପମାତ୍ରା ଏବଂ ସର୍ବନିମ୍ନ ତାପମାତ୍ରା ଆସନ୍ତା ପାଞ୍ଚ ଦିନ ପାଇଁ ଯଥାକ୍ରମେ ୩୩-୩୫°C ଏବଂ ୨୪-୨୫° C ରହିବାର ସମ୍ଭାବନା ରହିଛି |

| DISTRICT | Date | Rainfall (mm) | T-MAX (C ) | T-MIN (C ) | Cloud Cover | Rh Max (%) | Rh Min (%) | Wind speed (kmph) | Wind Direction (deg) |
|---|---|---|---|---|---|---|---|---|---|
| JAJPUR | 13-08-2025 | 5 | 35 | 25 | 5 | 84 | 53 | 2 | 202 |
| | 14-08-2025 | 5 | 35 | 24 | 5 | 87 | 57 | 5 | 86 |
| | 15-08-2025 | 7 | 34 | 24 | 5 | 87 | 59 | 9 | 68 |
| | 16-08-2025 | 7 | 34 | 24 | 5 | 87 | 64 | 7 | 56 |
| | 17-08-2025 | 8 | 33 | 24 | 5 | 88 | 57 | 6 | 73 |

### ପାଣିପାଗଭିତ୍ତିକ କୃଷି ଓ ପଶୁପାଳନ ଉପଦେଶ

| ସାଧାରଣ ଉପଦେଶ | | |
|---|---|---|
| | ➢ ଯେଉଁ ଜମିରେ ରୁଆ ସରିଯାଇଛି, ସେଇଠି ଧାନ ଫସଲକୁ ବଞ୍ଚାଇବା ପାଇଁ ଫସଲ ରକ୍ଷାକାରୀ ଜଳସେଚନ କରନ୍ତୁ ।<br>➢ ଧାନ ରୋପଣ ସମୟରେ ମୁଖ୍ୟ ଜମିରେ 5 ସେଣ୍ଟିମିଟର ପାଣି ରଖନ୍ତୁ।<br>➢ ବର୍ତ୍ତମାନର ପାଣିପାଗ ପରିସ୍ଥିତି ରେ ଧାନ ଏବଂ ପନିପରିବାରେ ରୋଗ ଓ ପୋକ ବୃଦ୍ଧି ହେଇପାରେ ତେଣୁ ନିୟମିତ କ୍ଷେତ ନିରୀକ୍ଷଣ ପାଇଁ ଚାଷୀଙ୍କୁ ପରାମର୍ଶ।<br>➢ ଆଗାମୀ ଦିନରେ ହାଲୁକା ବର୍ଷା ହେବାର ସମ୍ଭାବନା ରହିଛି, ତେଣୁ ସିଞ୍ଚନ କାର୍ଯ୍ୟ କରିବା ସମୟରେ ଉପଯୁକ୍ତ ଯତ୍ନ ନେବା ଉଚିତ | |
| **ଫସଲର ନାମ** | **ଫସଲର ଅବସ୍ଥା** | **ପାଣିପାଗ ଭିତ୍ତିକ ପରାମର୍ଶ** |
| ଖରିଫ ଧାନ | ରୋପଣ | ➢ ଧାନରେ କାଣ୍ଡ ବିନ୍ଧା ପୋକ ଓ ରୋଗ ଆକ୍ରମଣକୁ ହ୍ରାସ କରିବା ପାଇଁ ଟ୍ରାଇସାଇକ୍ଲାଜୋଲ ଏବଂ ପ୍ଲାଣ୍ଟୋମାଇସିନ୍ @୧ ଗ୍ରାମ/ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।<br>➢ ଘାସ ଦମନ/ତୃଣକ ପରିଚାଳନା ପାଇଁ ବିସ୍-ପିରିବିକ୍ Na @ 80-100ml / ଏକର ରୁଆ ପରେ ୧୫-୨୦ ଦିନ ମଧ୍ୟରେ ସ୍ପ୍ରେ କରନ୍ତୁ|<br>➢ ଜମିକୁ ଭଲ ଭାବେ କାଦୁଅ କରି ମୂଳସାର (ସବୁତକ ଫସଫରସ ଓ ପଟାସ ସାର ଏବଂ ଏକ ଚତୁର୍ଥାଂଶ ଯବକ୍ଷାରଜାନ ସାର) ପ୍ରୟୋଗ କରନ୍ତୁ ।ଯଦି ମୃତ୍ତିକା ପରୀକ୍ଷା କରିନଥାନ୍ତି ତେବେ ୧୨୦ ରୁ ୧୫୦ ଦିନ ମଧ୍ୟରେ ଅମଳ ହେଉଥିବା କିସମ ପାଇଁ ଏକର ପିଛା ୩୨-୧୬-୧୬ କି.ଗ୍ରା. ଏନ.ପି.କେ. ସାରା ଆବଶ୍ୟକ । ଧାନ ରୋଇବା ପୂର୍ବରୁ ଯଦି ମୂଳ ସାର ପ୍ରୟୋଗ କରି ନାହାନ୍ତି ତେବେ ଏକର ପ୍ରତି DAP 35kg ,Potash 15kg ମିଶାଇ ପ୍ରୟୋଗ କରନ୍ତୁ। |
| ନଳିତା | ତରୁଣୀ ଅବସ୍ଥା | ➢ ନଳିତା ଗଛ ଅଧିକ ଲମ୍ବା ହେବା ପାଇଁ ଅନ୍ତଃଚାଷ ସମୟରେ ଶାଖା ପ୍ରଶାଖା ଗୁଡିକୁ ଭଲ ଭାବେ ଛିଣ୍ଡାଇ ଦିଅନ୍ତୁ।<br>➢ ବର୍ତମାନ ବର୍ଷା ଯୋଗୁ ନଳିତାରେ ତୃଣକ ଜନସଙ୍ଖ୍ୟାକୁ ବୃଦ୍ଧି କରିବ , ଘାସକୁ ନିୟନ୍ତ୍ରଣ କରିବା ପାଇଁ କୁଇଜଲଫପ-ପେଥିଲ 2 ମି.ଲି /ଲିଟର ପାଣି ପ୍ରୟୋଗ କରନ୍ତୁ। |
| ଆଖୁ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ➢ ଆଖୁରେ ସଅଁଳ କାଣ୍ଡ ବିନ୍ଧାପୋକ ଦୃଷ୍ଟିଗୋଚର ହେଲେ Fipronil ୫SC@ ୪୦୦ମିଲି/ଏକର ପତ୍ର ସିଂଚନ କରନ୍ତୁ । |
| ପନିପରିବା | ଫୁଲ/ଫଳ ଅବସ୍ଥା | ➢ ପନିପରିବା ଫସଲ ଫୁଲ ଏବଂ ଫଳ ଆରମ୍ଭ ପର୍ଯ୍ୟାୟରେ ଥିଲେ ଜୀବନ ରକ୍ଷାକାରୀ ଜଳସେଚନ ପାଇଁ ଯାଆନ୍ତୁ |<br>➢ ଭେଣ୍ଡି ଗଛ ରେ ଶାହେବୀ ରୋଗ ନିୟନ୍ତ୍ରଣ କରିବା ପାଇଁ ଅଧିକ ଆକ୍ରାନ୍ତ ପତ୍ର କୁ ଛିଣ୍ଡାଇ ପୋତି ଦିଅନ୍ତୁ। ହଳଦିଆ ଅଠାଳିଆ କାର୍ଡ ଏକର ପ୍ରତି 15 ଟି ବ୍ୟବହାର କରନ୍ତୁ। Potash ସାର ଗୁଣ୍ଡ ପ୍ରତି 500gm ହିସାବରେ |

| | | |
|---|---|---|
| | | ପ୍ରୟୋଗ କରନ୍ତୁ।Diafenthiuron 50%WP ଲିଟର ପ୍ରତି 2gm କିମ୍ବା Dinotefuran 20%WG ଲିଟର ପ୍ରତି 0.5gm ହିସାବରେ ଅପରାହ୍ନରେ ସ୍ପ୍ରେ କରନ୍ତୁ ।<br>➢ ବାଇଗଣ ଓ ଲଙ୍କା ଫସଲରେ ପତ୍ରଖିଆ ଓ ଫଳବିନ୍ଧା ପୋକର ଦମନ ପାଇଁ ୧ ଲିଟର ପାଣି ପ୍ରତି ୦.୪ ଗ୍ରାମ ଏମାମେକ୍ଟିନ ବେଞ୍ଜୋଏଟ କିମ୍ବା ୦.୪ ମି.ଲି. ସ୍ପିନୋସାଡ , ୮୦ ଗ୍ରାମ ଏମାମେକ୍ଟିନ ବେଞ୍ଜୋଏଟ କିମ୍ବା ୭୦ ମି.ଲି. ସ୍ପିନୋସାଡ କିମ୍ବା Thiachloprid @୨୫୦ମିଲି /ଲିଟର ପ୍ରୟୋଗ କରନ୍ତୁ । |
| ଫଳ | ଫଳ ଅବସ୍ଥା | ➢ ଅମୃତଭଣ୍ଡାରେ ପତ୍ର ମୋଡା ରୋଗ ଏକ ଭୂତାଣୁ ଜନିତ ରୋଗ ଏହାକୁ ନିୟନ୍ତ୍ରଣ କରିବାପାଇଁ ଅଧିକ ଆକ୍ରାନ୍ତ ପତ୍ରକୁ ଛିଣ୍ଡାଇ ପୋତି ଦିଅନ୍ତୁ। ହଳଦିଆ ଅଠାଳିଆ କାର୍ଡ ଏକର ପ୍ରତି 15ଟି ବ୍ୟବହାର କରନ୍ତୁ କିମ୍ବା Diafenthiuron 50%WP ଲିଟର ପ୍ରତି 1.5gm କିମ୍ବା ( Bufrofezin 15%+Acephate 35%WP) ଲିଟର ପ୍ରତି 2gm କିମ୍ବା (Diafenthiuron 40%+Spinetoram 5%SC )ଲିଟର ପ୍ରତି 1.5ml ହିସାବରେ ଅପରାହ୍ନରେ ସ୍ପ୍ରେ କରନ୍ତୁ। |
| ମାଛ ଚାଷ | | ➢ ମାଛ ଯାଆଁଳ ଉତ୍ପାଦନ କରୁଥିବା ନିର୍ଭରଯୋଗ୍ୟ ପ୍ରତିଷ୍ଠାନରୁ ଏକର ପରିମିତ ଜଳାଶୟ ପାଇଁ ୩୦୦୦ ମୁଣ୍ଡା ଯାଆଁଳ ସଂଗ୍ରହ କରନ୍ତୁ ।<br>➢ ତିନି ପ୍ରକାରର ମାଛ ଉତ୍ପାଦନ କରିବାକୁ ଚାହୁଁଥିଲେ ୯୦୦ଗୋଟି ଭାକୁର , ୧୨୦୦ଗୋଟି ରୋହି ଓ ୯୦୦ଗୋଟି ମିରିକାଳି ଯାଆଁଳ ଛାଡନ୍ତୁ ।<br>➢ ଛଅ ପ୍ରକାରର ମିଶ୍ରିତ ମାଛ ଉତ୍ପାଦନ କରିବାକୁ ଚାହୁଁଥିଲେ ୮୦୦ଗୋଟି ଭାକୁର , ୧୨୦୦ଗୋଟି ରୋହି , ୫୦୦ଗୋଟି ମିରିକାଳି, ୩୦୦ଗୋଟି ବିଲାତିରୋହି, ୧୦୦ଗୋଟି ଗ୍ରାସକାର୍ପ ଓ ୧୦୦ଗୋଟି ସିଲଭର କାର୍ପ ଯାଆଁଳ ଛାଡନ୍ତୁ ।ଯେ କୌଣସି ପରିସ୍ଥିତିରେ ଜଳର ଗଭୀରତା ୫ ଫୁଟରୁ କମ ନ ରହିବା ଆବଶ୍ୟକ। |
| ପଶୁପାଳନ | | ➢ ଆଦ୍ର ପରିବେଶରେ ଗୁହାଳ ଭିତରେ ରୋଗ ବ୍ୟାପିପାରେ ତେଣୁ ଏହାକୁ ନିୟମିତ ଭାବେ ସଫା କରନ୍ତୁ।<br>➢ ଯଦି ପଶୁମାନଙ୍କୁ ଏଫଏମଡି , ହେମୋରେଜିକ୍ ସେପ୍ଟିକେମିଆ , ବ୍ଲାକ୍ କ୍ୱାର୍ଟର୍ , ଏଣ୍ଟେରୋଟକ୍ସେମିଆ ଇତ୍ୟାଦି ଟୀକାକରଣ କରାଯାଇ ନାହିଁ, ତେବେ ଏହା କରିବା ଜରୁରୀ | |

**ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା , QPM, ଟିସୁ କଲଚର ଗଛ , ଫଳ ଓ ପନିପରିବା , ଯାଆଁଳ, କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।**

ଭାରତୀୟ ପାଣିପାଗ ବିଭାଗର ପୂର୍ବନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android:https://play.google.com/store/apps/details?id=com.aas.meghdoot)(iOS: https://apps.apple.com/in/app/meghdoot/id1474048155)

Mrs. Meera Mahanty
Jr. Agrometeorologist
AMFU, RRTTS, Ranital

Dr. Biswaranjan Nayak
ADR & NODAL OFFICER
AMFU, RRTTS, Ranital